ODISHA POLICE
STATE HEADQUARTERS
CUTTACK.

# ପ୍ରେସ୍ ନୋଟ୍

**୦୯.୦୭.୨୦୨୫**

ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଶ୍ରୀ ଯୋଗେଶ ବାହାଦୁର ଖୁରାନିଆ ନବମ ଜିୟୁ ଜିଟସୁ ଏସିୟାନ ଚମ୍ପିୟନସିପରେ ଅଂଶଗ୍ରହଣ କରି ଉଚ୍ଚକୋଟିର କ୍ରୀଡା ନୈପୁଣ୍ୟତା ପ୍ରଦର୍ଶନ କରିଥିବା ଅନୁପମା ସ୍ୱାଇଁଙ୍କୁ ଅଭିନନ୍ଦନ ଜଣାଇବା ସହିତ ସମ୍ବର୍ଦ୍ଧିତ କରିଛନ୍ତି। ରାଜ୍ୟ ପୋଲିସ ମୁଖ୍ୟ କାର୍ଯ୍ୟାଳୟ ଠାରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଡିଜିପି ଶ୍ରୀ ଖୁରାନିଆ ଅନୁପମାଙ୍କ କ୍ରୀଡା ନୈପୁଣ୍ୟତାକୁ ଉଚ୍ଚ ପ୍ରଶଂସା କରିବା ସହ ତାଙ୍କୁ ପ୍ରୋତ୍ସାହନ ରାଶି ପ୍ରଦାନ କରିଥିଲେ। ଏହା ସହ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ ମଧ କାମନା କରିଥିଲେ। ଏହି କାର୍ଯ୍ୟକ୍ରମରେ ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ (ମୁଖ୍ୟାଳୟ) ଶ୍ରୀ ପ୍ରତୀକ ମହାନ୍ତି, ଡିଆଇଜି (କାର୍ମିକ) ଶ୍ରୀ ଯୁଗଳ କିଶୋର ବନୋଥ, ଏଆଇଜି (ମୁଖ୍ୟାଳୟ) ଶ୍ରୀ ସୁରେଶ ଚନ୍ଦ୍ର ନାଏକ ପ୍ରମୁଖ ଉପସ୍ଥିତ ଥିଲେ।

ଉଲ୍ଲେଖଯୋଗ୍ୟ ଯେ, ଗତ ମେ ମାସ ୨୩ ରୁ ୨୫ ତାରିଖ ପର୍ଯ୍ୟନ୍ତ ଜୋର୍ଡାନର ଓମାନ ସହରଠାରେ ଏସିଆନ ଚମ୍ପିୟାନସିପ ଅନୁଷ୍ଠିତ ହୋଇଥିଲା। ଏହି ପ୍ରତିଯୋଗିତାରେ ଅନୁପମା ଦେଶକୁ ପ୍ରତିନିଧିତ୍ୱ କରି କଣ୍ଟାକ୍ଟ (୫୨ କେଜିରୁ କମ ) ବର୍ଗରେ ରୌପ୍ୟ ପଦକ ଏବଂ ଫାଇଟିଂ ସିଷ୍ଟମ (୫୨ କେଜିରୁ କମ) ବର୍ଗରେ କାଂସ୍ୟ ପଦକ ଲାଭ କରି ଓଡିଶା ପୋଲିସକୁ ଗୌରବାନ୍ୱିତ କରିଛନ୍ତି। ବର୍ତ୍ତମାନ ଅନୁପମା ଭୁବନେଶ୍ୱର ସହରାଞ୍ଚଳ ପୋଲିସ ଜିଲ୍ଲାରେ କନେଷ୍ଟବଳ ଭାବେ କାର୍ଯ୍ୟରତ ଅଛନ୍ତି। ସେ ପୂର୍ବରୁ ବିଭିନ୍ନ ଜାତୀୟ ଏବଂ ଆନ୍ତର୍ଜାତୀୟ କ୍ରୀଡା ପ୍ରତିଯୋଗୀତାରେ ଅଂଶଗ୍ରହଣ କରି ପଦକ ବିଜୟୀ ହେବାସହ ଓଡିଶା ପୋଲିସକୁ ଗୌରବାନ୍ୱିତ କରିଛନ୍ତି।

୦୯/୦୭/୨୫

ଲୋକ ସମ୍ପର୍କ ଅଧିକାରୀ